ସମ୍ବାଦ

# ପାରଳାରେ ସୁଶାସନ ସପ୍ତାହ କର୍ମଶାଳା



ପାରଳାଖେମୁଣ୍ଡି, ୨୩/୧୨ (ଇମିସ): ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲାସ୍ତରୀୟ ସୁଶାସନ ସପ୍ତାହ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲ୍ଲାପାଳ ରାଜେନ୍ଦ୍ର ମିଞ୍ଜଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ମୁଖ୍ୟ ଅତିଥି ଭାବେ ଅବସରପ୍ରାପ୍ତ ଭାରତୀୟ ପ୍ରଶାସନିକ ସେବା ଅଧିକାରୀ ପବିତ୍ର ମଣ୍ଡଳ, ସମ୍ମାନିତ ଅତିଥି ଭାବେ ଜିଲ୍ଲାପରିଷଦ ଅତିରିକ୍ତ ନିର୍ବାହୀ ଅଧିକାରୀ ପୃଥ୍ୱୀରାଜ ମଣ୍ଡଳ ଓ ଜିଲ୍ଲା ଶିକ୍ଷାଧିକାରୀ ଡ.ମାୟାଧର ସ୍ୱାଇଁ ପ୍ରମୁଖ ଯୋଗ ଦେଇଥିଲେ। ଏହି କର୍ମଶାଳାରେ ସ୍ୱାସ୍ଥ୍ୟ, ଶିକ୍ଷା, ଶିଶୁବିକାଶ ଏବଂ ସାଧାରଣଙ୍କ ଅଭିଯୋଗ ଶୁଣାଣି ଓ ସମାଧାନ ସମେତ ଜିଲ୍ଲାର ବିଭିନ୍ନ ଯୋଜନା ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଥିଲା। ସେହିପରି ଗ୍ରାମ୍ୟମୁଖୀ ସଂଯୁକ୍ତ ଅଭିଯୋଗ ଶୁଣାଣି ଓ ଏହାର ସଫଳ କାହାଣୀ ବିଷୟରେ ଏକ ପ୍ରାମାଣିକ ଚଳଚ୍ଚିତ୍ର ପ୍ରଦର୍ଶନ କରାଯାଇଥିଲା।

ଏହି ସୁଶାସନ ସପ୍ତାହ କାର୍ଯ୍ୟକ୍ରମ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଅନୁମୋଦନ କ୍ରମେ ଗତ ୧୯ ଡିସେମ୍ବର ଠାରୁ ୨୫ ଡିସେମ୍ବର ପର୍ଯ୍ୟନ୍ତ ରାଜ୍ୟର ସମସ୍ତ ଜିଲ୍ଲାରେ ଚାଲୁରହିଛି। ଏହି ପରିପ୍ରେକ୍ଷୀରେ ଗଜପତି ଜିଲ୍ଲାରେ ମଧ୍ୟ ସମସ୍ତ ବିଭାଗୀୟ ଅଧିକାରୀଙ୍କୁ ନେଇ ସୁଶାସନ ସପ୍ତାହ କର୍ମଶାଳା ବିଭିନ୍ନ ଗ୍ରାମପଞ୍ଚାୟତ ସ୍ତରରେ ଆୟୋଜନ କରାଯାଇଛି। ଜନସାଧରଣଙ୍କ ବିଭିନ୍ନ ଅଭିଯୋଗ ଗୁଡ଼ିକୁ ଚିହ୍ନଟ କରି ତୁରନ୍ତ ସମାଧାନ କରିବା ସହ ଜନସେବା ପ୍ରଦାନ କରିବା, ବିଚାରଧୀନ ଜନସାଧାରଣଙ୍କ ଅଭିଯୋଗ ତୁରନ୍ତ ସମାଧାନ, ଅନଲାଇନ୍ ସେବା ପ୍ରଦାନ ଏବଂ ଜିଲ୍ଲାର ଜନସାଧାରଣଙ୍କ ଅଭିଯୋଗ ସମାଧାନ ହୋଇଥିବା ସଫଳତା କାହାଣୀ ଉପଲବ୍ଧ କରାଇବା ଓ ଜିଲ୍ଲାର ସମସ୍ତ କର୍ମଚାରୀ ନିଜ ନିଜ ବିଭାଗର ଅଭିଯୋଗକୁ ତୁରନ୍ତ ସମାଧାନ କରିବାକୁ ମୁଖ୍ୟ ଅତିଥି କହିଥିଲେ। କର୍ମଶାଳାରେ ଡେପୁଟି କଲେକ୍ଟର ଲିପିନା ଦାସ, କମଳକାନ୍ତ ପଣ୍ଡା, କଷ୍ୟାପୀ ବେହେରାଙ୍କ ସମେତ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ।

# 'ସୁଶାସନ ଦିବସ, ପ୍ରଶାସନ-ଗାଁ କି ଓର୍' କର୍ମଶାଳା



ପାରଳାଖେମୁଣ୍ଡି,୨୩।୧୨(ସମିସ): ଜିଲ୍ଲାସ୍ତରୀୟ 'ସୁଶାସନ ସପ୍ତାହ- ପ୍ରଶାସନ ଗାଁ କି ଓର୍' କର୍ମଶାଳା କାର୍ଯ୍ୟକ୍ରମ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଥିଲା। ଅତିରିକ୍ତ ଜିଲ୍ଲାପାଳ ରାଜେନ୍ଦ୍ର ମିଞ୍ଜଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କର୍ମଶାଳାରେ ମୁଖ୍ୟଅତିଥି ଭାବରେ ଭାରତୀୟ ପ୍ରଶାସନିକ ସେବା (ଅବସରପ୍ରାପ୍ତ) ପବିତ୍ର ମଣ୍ଡଳ, ସମ୍ମାନିତ ଅତିଥି ଭାବରେ ଜିଲ୍ଲା ପରିଷଦର ଅତିରିକ୍ତ ନିର୍ବାହୀ ଅଧିକାରୀ ପୃଥ୍ୱୀରାଜ ମଣ୍ଡଳ ଓ ଜିଲ୍ଲା ଶିକ୍ଷାଧିକାରୀ ଡ଼. ମାୟାଧର ସ୍ୱାଇଁ ଯୋଗ ଦେଇଥିଲେ। ଏହି କର୍ମଶାଳାରେ ସ୍ୱାସ୍ଥ୍ୟ, ଶିକ୍ଷା, ଶିଶୁ ବିକାଶ ଏବଂ ସାଧାରଣଙ୍କ ଅଭିଯୋଗ ଶୁଣାଣି ଓ ସମାଧାନ ସମେତ ଜିଲ୍ଲାର ବିଭିନ୍ନ ଯୋଜନା ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଥିଲା। ସେହିପରି ଗ୍ରାମ୍ୟମୁଖୀ ସଂଯୁକ୍ତ ଅଭିଯୋଗ ଶୁଣାଣି ଓ ଏହାର ସଫଳ କାହାଣୀ ବିଷୟରେ ଏକ ପ୍ରାମାଣିକ ଚଳଚ୍ଚିତ୍ର ପ୍ରଦର୍ଶନ କରାଯାଇଥିଲା। ଏହି 'ସୁଶାସନ ସପ୍ତାହ ପ୍ରଶାସନ ଗାଁ କି ଓର' କର୍ମଶାଳା କେନ୍ଦ୍ର ସରକାର ଓ ରାଜ୍ୟ ସରକାରଙ୍କ ଅନୁମୋଦନ କ୍ରମେ ୧୯ ଡିସେମ୍ବରରୁ ୨୫ ଡିସେମ୍ବର ପର୍ଯ୍ୟନ୍ତ ରାଜ୍ୟର ସମସ୍ତ ଜିଲ୍ଲାରେ ଏହି କାର୍ଯ୍ୟକ୍ରମ ଚାଲୁରହିଛି। କର୍ମଶାଳାରେ ଡେପୁଟି କଲେକ୍ଟର ଲିପିକା ଦାସ, କମଳକାନ୍ତ ପଣ୍ଡା, କଣ୍ୟାପା ବେହେରାଙ୍କ ସମେତ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ।

# ‘ଗ୍ରାମାଭିମୁଖୀ ପ୍ରଶାସନ’ କର୍ମଶାଳା



ପାରଳାଖେମୁଣ୍ଡି, ୨୩।୧୨ (ଆପ୍ର): ଜିଲ୍ଲାସ୍ତରୀୟ ସୁଶାସନ ସପ୍ତାହ ରେ ‘ଗ୍ରାମାଭିମୁଖୀ ପ୍ରଶାସନ’ କର୍ମଶାଳା ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ହୋଇଯାଇଛି । ଅତିରିକ୍ତ ଜିଲ୍ଲାପାଳ ରାଜେନ୍ଦ୍ର ମିଞ୍ଜ, ଅତିରିକ୍ତ ଜିଲ୍ଲାପାଳ ଗଜପତିଙ୍କ ଅଧ୍ୟକ୍ଷତାରେ ଏହି କାର୍ଯ୍ୟକ୍ରମ କରାଯାଇଛି । ମୁଖ୍ୟ ଅତିଥି ଭାବରେ ପବିତ୍ର ମଣ୍ଡଳ ଭାରତୀୟ ପ୍ରଶାସନିକ ସେବା (ଅବସରପ୍ରାପ୍ତ) ଯୋଗଦାନ କରିଥିଲେ ।

ସମ୍ମାନିତ ଅତିଥିଭାବେ ପୃଥ୍ୱୀରାଜ ମଣ୍ଡଳ, ଅତିରିକ୍ତ ନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ ଗଜପତି, ଡ.ମାୟାଧର ସ୍ୱାଇଁ, ଜିଲ୍ଲା ଶିକ୍ଷାଧିକାରୀ ଗଜପତି ପ୍ରମୁଖ ଯୋଗ ଦେଇଥିଲେ । ଏହି କର୍ମଶାଳାରେ ସ୍ୱାସ୍ଥ୍ୟ, ଶିକ୍ଷା, ଶିଶୁ ବିକାଶ ଏବଂ ସାଧାରଣଙ୍କ ଅଭିଯୋଗ ଶୁଣାଣି ଓ ସମାଧାନ ସମେତ ଜିଲ୍ଲାର ବିଭିନ୍ନ ଯୋଜନା ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଥିଲା । ଏହି କର୍ମଶାଳା ସରକାରଙ୍କ ଅନୁମୋଦନକ୍ରମେ ଆସନ୍ତା ୨୫ ପର୍ଯ୍ୟନ୍ତ କାର୍ଯ୍ୟକ୍ରମ ଜାରି ରହିବ । କର୍ମଶାଳାରେ ଡେପୁଟି କଲେକ୍ଟର ଲିପିନା ଦାସ, କମଳ କାନ୍ତ ପଣ୍ଡା, କଷ୍ୟାପୀ ବେହେରା ସମେତ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ ।

# ଜିଲାସ୍ତରୀୟ ସୁଶାସନ ସପ୍ତାହ



ପାରଳାଖେମୁଣ୍ଡି, ୨୩।୧୨ (ଗିରିଧାରୀ ପରିଡ଼ା)- ଗଜପତି ଜିଲାସ୍ତରୀୟ 'ସୁଶାସନ ସପ୍ତାହ-ପ୍ରଶାସନ ଗାଁ କି ଓର' କର୍ମଶାଳା ଜିଲାପାଳଙ୍କ ସମ୍ମିଳନୀ କକ୍ଷଠାରେ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲାପାଳ ରାଜେନ୍ଦ୍ର ମିଞ୍ଜଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ମୁଖ୍ୟ ଅତିଥି ଭାବେ ଅବସରପ୍ରାପ୍ତ ଆଇଏଏସ୍ ପବିତ୍ର ମଣ୍ଡଳ, ସମ୍ମାନିତ ଅତିଥି ଭାବେ ପୁଷ୍ପରାଜ ମଣ୍ଡଳ, ଅତିରିକ୍ତ ନିର୍ବାହୀ ଅଧିକାରୀ ଜିଲାପରିଷଦ ଗଜପତି, ଡ଼.ମାୟାଧର ସ୍ୱାଇଁ, ଜିଲା ଶିକ୍ଷାଧିକାରୀ ପ୍ରମୁଖ ଯୋଗ ଦେଇଥିଲେ। କର୍ମଶାଳାରେ ସ୍ୱାସ୍ଥ୍ୟ, ଶିକ୍ଷା, ଶିଶୁ ବିକାଶ ଏବଂ ସାଧାରଣଙ୍କ ଅଭିଯୋଗ ଶୁଣାଣି ଓ ସମାଧାନ ସମେତ ଜିଲାର ବିଭିନ୍ନ ଯୋଜନା ବିଷୟରେ ଆଲୋଚନା ହୋଇଥିଲା । ସେହିପରି ଗ୍ରାମ୍ୟ ମୁଖୀ ସମ୍ପୃକ୍ତ ଅଭିଯୋଗ ଶୁଣାଣି ଓ ଏହାର ସଫଳ କାହାଣୀ ବିଷୟରେ ଏକ ପ୍ରାମାଣିକ ଚଳଚ୍ଚିତ୍ର ପ୍ରଦର୍ଶନ କରାଯାଇଥିଲା । 'ସୁଶାସନ ସପ୍ତାହ ପ୍ରଶାସନ ଗାଁ କି ଓର' କର୍ମଶାଳା କେନ୍ଦ୍ର ସରକାର ଓ ରାଜ୍ୟ ସରକାରଙ୍କ ଅନୁମୋଦନକ୍ରମେ ଗତ ୧୯ ତାରିଖରୁ ଆରମ୍ଭ ହୋଇଥିବା ବେଳେ ଆସନ୍ତା ୨୫ ତାରିଖ ପର୍ଯ୍ୟନ୍ତ ସମସ୍ତ ଜିଲାରେ କାର୍ଯ୍ୟକ୍ରମ ଚାଲୁରହିବ। ଏହି ପରିପ୍ରେକ୍ଷୀରେ ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗ ଚିହ୍ନଟ କରି ତୁରନ୍ତ ସମାଧାନ କରିବା ସହ ଜନସେବା ପ୍ରଦାନ କରିବା, ବିଚାରାଧୀନ ଜନସାଧାରଣଙ୍କ ଅଭିଯୋଗ ତୁରନ୍ତ ସମାଧାନ, ଅନଲାଇନ ସେବା ପ୍ରଦାନ ଏବଂ ଜିଲ୍ଲାର ଜନସାଧାରଣଙ୍କ ଅଭିଯୋଗ ସମାଧାନ ହୋଇଥିବା ସଫଳତା କାହାଣୀ ଉପଲବ୍ଧ କରାଇବା ଓ ଜିଲ୍ଲାର ସମସ୍ତ କର୍ମଚାରୀ ନିଜ ବିଭାଗର ଅଭିଯୋଗକୁ ତୁରନ୍ତ ସମାଧାନ କରିବାକୁ ମୁଖ୍ୟ ଅତିଥି କହିଥିଲେ।